# ଆଜି ଅନୁଗୋଳ ଜିଲ୍ଲାରୁ ୧୦୯ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୪୬୧୭ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୭୦ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୦୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୫ ଜଣ ( ୨୧ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୮ ଜଣ ( ୧୪ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ପୌରାଂଚଳରୁ ୧୭ ଜଣ (୧୦ ଜଣ ପୁରୁଷ ଓ୭ ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୧୬ ଜଣ ( ୧୧ଜଣ ପୁରୁଷ ଓ ୫ଜଣ ମହିଳା), ବଣ୍ଟଅଁରପାଳ ବ୍ଲକ୍ ଅଂଚଳରୁ ୧୫ ଜଣ ( ୧୨ଜଣ ପୁରୁଷ ଓ ୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ ଜଣ ( ୨ଜଣ ପୁରୁଷ ଓ୩ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪ ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪ ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ ଜଣ ( ୨ ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳର ପରିଷଦରୁ ୨ ଜଣ ( ୨ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ ଜଣ (୧ ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୭୦ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୨୩ ଜଣ କୋଭିଡ ହସପିଟାଲରୁ ,୩ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୪୪ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।